ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1098/22-01-2021**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୨୨ ଜାନୁଆରୀ,୨୦୨୧**

➤ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ସେରମ୍ ଇନ୍ଷ୍ଟିଚ୍ୟୁଟ୍ ଅଫ୍ ଇଣ୍ଡିଆ କ୍ୟାମ୍ପସ୍‌ରେ ଦୁଃଖଦ ଅଗ୍ନିକାଣ୍ଡ ହେତୁ ଅନେକ ଜୀବନହାନି ନେଇ ଗଭୀର ଦୁଃଖ ପ୍ରକାଶ କରିଛନ୍ତି । ଏପରି ବିଷାଦ ସମୟରେ ଶୋକସନ୍ତପ୍ତ ପରିବାରଗୁଡ଼ିକଙ୍କ ଉଦ୍ଦେଶ୍ୟରେ ଚିନ୍ତା ଓ ପ୍ରାର୍ଥନା ପ୍ରକଟ କରିବା ସହିତ ମାନ୍ୟବର ମୁଖ୍ୟମନ୍ତ୍ରୀ ଚିକିତ୍ସାଧୀନ ବ୍ୟକ୍ତିମାନଙ୍କର ଆଶୁ ଆରୋଗ୍ୟ କାମନା କରିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୫,୦୯,୬୯୧ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୪,୦୨୦ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୦,୫୪୫ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୦୩ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୧,୫୧୯ ରହିଛି ।
- ୧,୫୧୯ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**